## ସାହିତ୍ୟ ଏକାଡେମୀର ଗୁରୁପ୍ରସାଦ ମହାନ୍ତିଙ୍କ ଜନ୍ମ ଶତବାର୍ଷିକୀ ଆଲୋଚନାଚକ୍ର

# ଓଡ଼ିଆ କବିତାରେ ନବ୍ୟ-ଆଧୁନିକତାର ପ୍ରବର୍ତ୍ତକ ଗୁରୁପ୍ରସାଦ



ଭୁବନେଶ୍ୱର, ୨୮।୧୧(ସମିସ): ଓଡ଼ିଆ କବିତାରେ ଆଧୁନିକତାର ଧାରା ପ୍ରବର୍ତ୍ତକ ହେଉଛନ୍ତି ପ୍ରସିଦ୍ଧ କବି ଗୁରୁପ୍ରସାଦ ମହାନ୍ତି। ସମକାଳର କବିତାକୁ ସମକାଳର ଭାଷାରେ ପ୍ରକାଶ କରୁଥିବା କବି ହେଉଛନ୍ତି ପ୍ରାଚ୍ୟ-ପାଶ୍ଚାତ୍ୟର ସେତୁସ୍ଥାପକ। ତାଙ୍କ କବିତା ସଂଖ୍ୟା କମ୍ କିନ୍ତୁ ସେଗୁଡ଼ିକର ପ୍ରଭାବ ଅସୀମ। ତାଙ୍କର ପ୍ରତିଟି କବିତା ଓଡ଼ିଆ ସାହିତ୍ୟର ଗୋଟିଏ ଗୋଟିଏ ଅମୂଲ୍ୟ ଜ୍ୟୋତି ବୋଲି କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ବୁଦ୍ଧମନ୍ଦିର ସଭାଗୃହରେ ଆୟୋଜିତ ଗୁରୁପ୍ରସାଦ ମହାନ୍ତି ଜନ୍ମ ଶତବାର୍ଷିକୀ ଆଲୋଚନାଚକ୍ରରେ ମତ ପ୍ରକାଶ ପାଇଛି। ବିଖ୍ୟାତ ଓଡ଼ିଆ କବି ରାଜେନ୍ଦ୍ର କିଶୋର ପଣ୍ଡାଙ୍କ ଦ୍ୱାରା ଉଦ୍‌ଘାଟିତ ଏହି ଆଲୋଚନାଚକ୍ରରେ ଏକାଡେମୀର ସଚିବ ଡ. କେ. ଶ୍ରୀନିବାସରାଓ ଭାଷଣ ଦେଇଥିଲେ। ଉଦ୍‌ଘାଟନୀ ଅଭିଭାଷଣରେ ଶ୍ରୀ ପଣ୍ଡା ଗୁରୁପ୍ରସାଦ ମହାନ୍ତିଙ୍କୁ ଓଡ଼ିଆ କବିତାରେ ନବ୍ୟ-ଆଧୁନିକତାର ପ୍ରବର୍ତ୍ତକ ବୋଲି କହିଥିଲେ। ଡ. ରାଓ ଭାରତୀୟ କବିତାର ବୈଶିଷ୍ଟ୍ୟ ଏବଂ ଗୁରୁପ୍ରସାଦଙ୍କ କାବ୍ୟ ସ୍ୱାତନ୍ତ୍ର୍ୟ ସମ୍ପର୍କରେ ସୂଚନା ଦେଇଥିଲେ। କଥାକାର ଗୌରହରି ଦାସ ସଭାପତିତ୍ୱ କରି ଗୁରୁପ୍ରସାଦ ହେଉଛନ୍ତି ସମ୍ମୋହନ, ଉଚ୍ଚାଟନ, ମଧୁର ଯନ୍ତ୍ରଣା, କାତର ଉଲ୍ଲାସ ତଥା ପ୍ରେମ ଓ ପ୍ରକୃତିର କବି ବୋଲି କହିଥିଲେ। ସ୍ୱାଗତ ଭାଷଣ ଦେଇଥିଲେ କବି ତଥା ସମାଲୋଚକ ଭଗବାନ ଜୟସିଂହ। ପ୍ରଥମ ଅଧିବେଶନରେ ସଭାପତିତ୍ୱ କରିଥିଲେ ନାଟ୍ୟକାର ପ୍ରଫେସର ବିଜୟ କୁମାର ଶତପଥୀ ଏବଂ ଦ୍ୱିତୀୟ ଅଧିବେଶନରେ ସଭାପତିତ୍ୱ କରିଥିଲେ କବି ଅମରେଶ ପଟ୍ଟନାୟକ। କାର୍ଯ୍ୟକ୍ରମରେ ସାହିତ୍ୟ ଏକାଡେମୀର କୋଲକାତା ଆଞ୍ଚଳିକ କାର୍ଯ୍ୟାଳୟର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ସଂଯୋଜନା କରିଥିଲେ ଏବଂ ଏକାଡେମୀର ଓଡ଼ିଆ ଉପଦେଷ୍ଟା ମଣ୍ଡଳୀର ସଦସ୍ୟ ପବିତ୍ର ମୋହନ କର ଧନ୍ୟବାଦ ଅର୍ପଣ କରିଥିଲେ।